# ଆଜି ଅନୁଗୋଳରୁ ୧୧ ଜଣ କରୋନା ପଜିଟିଭ ଚିହ୍ନଟ- ସୁସ୍ଥ ହେଲେ ୨୨ ଜଣ ।

## ପଜିଟିଭ ସଂଖ୍ୟା ପହଞ୍ଚିଲା ୩୮୫ ରେ ।

ଆଜି ଅନୁଗୋଳ ଜିଲ୍ଲାରୁ ୧୧ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେମାନଂକ ମଧ୍ୟରେ କେବଳ ବଣ୍ଟରପାଳ ବ୍ଲକ୍ ଅଂଚଳରୁ ସମସ୍ତ ୧୧ ଜଣ ଚିହ୍ନଟ ହୋଇଛନ୍ତି । ଏମାନଂକ ମଧ୍ୟରେ ୪ ଜଣ ପୁରୁଷ ଯାହାଂକ ବୟସ ୩୮,୪୨,୪୮ ଓ ୫୦ ବର୍ଷ ହୋଇଥିବାବେଳେ ୫ ଜଣ ମହିଳାଂକ ବୟସ ଯଥାକ୍ରମେ ୨୬,୩୫,୪୦,୬୦ ଓ ୭୨ ବର୍ଷ ଅଟେ । ଏହାଛଡା ସେମାନଂକ ମଧ୍ୟରେ ଜଣେ ୧୬ ବର୍ଷର ବାଳକ ଓ ଜଣେ ୫ ବର୍ଷର ବାଳିକା ଅଛନ୍ତି । ଏମାନେ ସମସ୍ତେ ସେହି ଗ୍ରାମର ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଛନ୍ତି । ଏହି ୧୧ ପଜିଟିଭକୁ ମିଶାଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୩୮୫ ରେ ପହଂଚିଲା । ଏହି ୧୧ ଜଣ ଆକ୍ରାନ୍ତଂକୁ ଚିକିତ୍ସା ନିମନ୍ତେ ତାଳଚେର କୋଭିଡ ହସପିଟାଲକୁ ସ୍ଥାନାନ୍ତର କରାଯାଇଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଇତି ମଧ୍ୟରେ ତାଳଚେର କୋଭିଡ ହସପିଟାଲରୁ ଚିକିତ୍ସିତ ହୋଇ ସୁସ୍ଥ ହୋଇଥିବା ୨୨ ଜଣଂକ ମଧ୍ୟରୁ ୨୦ ଜଣଂକୁ ନିଜ ଘରେ Isolation ରେ ରହିବାକୁ ପରାମର୍ଶ ଦିଆଯାଇଥିବାବେଳେ ୨ ଜଣଂକୁ କୋଭିଡ କେୟାର ସେଣ୍ଟରକୁ ନିରୀକ୍ଷଣ ନିମନ୍ତେ ପଠାଯାଇଛି । ପୂର୍ବରୁ ସୁସ୍ଥ ହୋଇଥିବା ୨୩୯ ଜଣଙ୍କୁ ମିଶାଇ ସୁସ୍ଥଙ୍କ ସଂଖ୍ୟା ୨୬୧ ରେ ପହଂଚିଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୫୦୪ ତା.୫.୮.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ